ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/ 1297/165-02-2021**

# ପ୍ରେସ୍ ବିବୃତି

**ଭୁବନେଶ୍ୱର :୧୬ ଫେବୃଆରୀ,୨୦୨୧**

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ଆଜି ସୁନ୍ଦରଗଡ଼ ଜିଲ୍ଲାରେ ୮୩୫ କୋଟି ଟଙ୍କାର ବିଭିନ୍ନ ଉନ୍ନୟନମୂଳକ ପ୍ରକଳ୍ପ ଉଦ୍‌ଘାଟନ କରିବା ସହିତ ୪୦୮୦ କୋଟି ଟଙ୍କାର ବିଭିନ୍ନ ପ୍ରକଳ୍ପର ଭିତ୍ତିପ୍ରସ୍ତର ସ୍ଥାପନ କରିଛନ୍ତି । ସେ କହିଛନ୍ତି ଯେ ସୁନ୍ଦରଗଡ଼ ଜିଲ୍ଲାରେ ବିକାଶର ଏକ ନୂତନ ଯୁଗର ଶୁଭାରମ୍ଭ ସହିତ ଏହି ପ୍ରକଳ୍ପଗୁଡ଼ିକ ଜିଲ୍ଲାରେ ଭିତ୍ତିଭୂମି ଏବଂ ସାମାଜିକ-ଅର୍ଥନୈତିକ ବିକାଶକୁ ସୁଦୃଢ଼ କରିବ ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ଭାରତୀୟ ହକିରେ ସୁନ୍ଦରଗଡ଼ର ଅବଦାନକୁ ସମ୍ମାନ ଜଣାଇ ହକି ବିଶ୍ୱକପ-୨୦୨୩ର ଆୟୋଜନ ନିମନ୍ତେ ରାଉରକେଲାଠାରେ ଭାରତର ବୃହତ୍ତମ ହକି ଷ୍ଟାଡିୟମ୍‌ର ଶିଳାନ୍ୟାସ କରିଛନ୍ତି । ବିଶିଷ୍ଟ ସ୍ୱାଧୀନତା ସଂଗ୍ରାମୀ ବିର୍ସା ମୁଣ୍ଡାଙ୍କ ନାମରେ ଏହି ଷ୍ଟାଡିୟମ୍ ନାମିତ ହେବ ବୋଲି ସେ ଘୋଷଣା କରିଛନ୍ତି । ମାନ୍ୟବର ମୁଖ୍ୟମନ୍ତ୍ରୀ ଆଶା କରିଛନ୍ତି ଯେ ଏହି ଷ୍ଟାଡିୟମ୍ ଭାରତର ବୃହତ୍ତମ ଷ୍ଟାଡିୟମ୍ ହେବ ଏବଂ ଯୁବସମାଜକୁ ବଡ଼ ବଡ଼ ସ୍ୱପ୍ନ ଦେଖିବା ପାଇଁ ପ୍ରେରଣା ଯୋଗାଇବ ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ରାଉରକେଲା ସହିତ ବିଜୁବାବୁଙ୍କ ସଂପର୍କ ବିଷୟ ସ୍ମରଣପୂର୍ବକ କହିଛନ୍ତି ଯେ ରାଉରକେଲା ଷ୍ଟିଲ ପ୍ଲାଣ୍ଟଠାରୁ ଆରମ୍ଭ କରି ଏନ୍‌ଆଇଟି ପର୍ଯ୍ୟନ୍ତ ସବୁଥିରେ ତାଙ୍କ ସ୍ମୃତି ବିଜଡ଼ିତ ରହିଛି । ରାଉରକେଲାକୁ 'ଆଶାର ସହର' ବୋଲି ବର୍ଣ୍ଣନା କରି ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ କେବଳ ଓଡ଼ିଶା ନୁହେଁ, ଆଖପାଖ ରାଜ୍ୟର ଲୋକମାନେ ମଧ୍ୟ ଜୀବିକା ପାଇଁ ରାଉରକେଲାକୁ ଆସିଥା'ନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ସୁନ୍ଦରଗଡ଼ ଜିଲ୍ଲାର ମିଶନ ଶକ୍ତିର ସଦସ୍ୟାମାନଙ୍କୁ ଧନ୍ୟବାଦ ଜଣାଇବା ସହ ଭୁବନେଶ୍ୱରରେ ଅନୁଷ୍ଠିତ ମେକ୍ ଇନ୍ ଓଡ଼ିଶା କନ୍‌କ୍ଲେଭ୍‌ରେ ବାଲିଶଙ୍କରାର ଜୟନ୍ତୀ ଏକ୍କାଙ୍କ ପ୍ରେରଣାପ୍ରଦ ଯୋଗଦାନ ପାଇଁ ତାଙ୍କୁ ପ୍ରଶଂସା କରିଥିଲେ ।

- ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ୨୦ ବର୍ଷ ତଳେ ରାଜ୍ୟ ବଜେଟ୍ ମାତ୍ର ୨୮୦୦ କୋଟି ଟଙ୍କା ଥିବାବେଳେ ଆଜି କେବଳ ସୁନ୍ଦରଗଡ଼ ଜିଲ୍ଲାରେ ବିଭିନ୍ନ ପ୍ରକଳ୍ପ ପାଇଁ ରାଜ୍ୟ ସରକାର ୫୦୦୦ କୋଟି ଟଙ୍କା

ବ୍ୟୟ କରୁଛନ୍ତି । ଏହା ରୂପାନ୍ତରଣ ଏବଂ ଉଚ୍ଚତର ବିକାଶର ଏକ ଉଦାହରଣ ବୋଲି ବର୍ଣ୍ଣନା କରି ମାନ୍ୟବର ମୁଖ୍ୟମନ୍ତ୍ରୀ ବିକାଶଧାରାକୁ ଜାରି ରଖିବାରେ ସମସ୍ତଙ୍କ ସହଯୋଗ କାମନା କରିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ଜନଜାତି ପିଲାମାନଙ୍କର ଶିକ୍ଷା ସୁବିଧା ସହ ସେମାନଙ୍କ ସଂସ୍କୃତିର ସୁରକ୍ଷା ଉପରେ ଗୁରୁତ୍ୱାରୋପ କରି ହୋ ଏବଂ ମୁଣ୍ଡାରୀ ଭାଷାକୁ ସମ୍ବିଧାନର ଅଷ୍ଟମ ଅନୁଚ୍ଛେଦରେ ଅନ୍ତର୍ଭୁକ୍ତ କରିବା ପାଇଁ ପୁନର୍ବାର ଦାବି ଜଣାଇଛନ୍ତି ।

➢ ମାନ୍ୟବର ମୁଖ୍ୟମନ୍ତ୍ରୀ ପବିତ୍ର ବସନ୍ତ ପଞ୍ଚମୀ ତଥା ବିଦ୍ୟାଦାତ୍ରୀ ମା'ସରସ୍ୱତୀଙ୍କ ପୂଜା ଅବସରରେ ସମସ୍ତଙ୍କୁ ହାର୍ଦ୍ଦିକ ଅଭିନନ୍ଦନ ଓ ଶୁଭେଚ୍ଛା ଜଣାଇଛନ୍ତି । ମା'ସରସ୍ୱତୀଙ୍କ ଅପାର କରୁଣାରୁ ସମସ୍ତଙ୍କ ବିଦ୍ୟାର ଭଣ୍ଡାର ପରିପୂର୍ଣ୍ଣ ହେବା ସହ ଜୀବନ ସୁଖ, ସମୃଦ୍ଧିରେ ଭରିଯାଉ ବୋଲି ସେ କାମନା କରିଛନ୍ତି ।

➢ ମାନ୍ୟବର ମୁଖମନ୍ତ୍ରୀ କଳାହାଣ୍ଡି ଜିଲ୍ଲାର କର୍ଲାପାଟ ଅଭୟାରଣ୍ୟରେ ହାତୀମାନଙ୍କ ମୃତ୍ୟୁ ନେଇ ଗଭୀର ଚିନ୍ତା ପ୍ରକଟ କରିଛନ୍ତି । ସେ ଜଙ୍ଗଲ ଓ ପରିବେଶ ବିଭାଗ ଏବଂ ମତ୍ସ୍ୟ ଓ ପ୍ରାଣୀସଂପଦ ବିକାଶ ବିଭାଗକୁ ତୁରନ୍ତ ପଦକ୍ଷେପ ନେବା ପାଇଁ ନିର୍ଦ୍ଦେଶ ଦେବା ସହ ଏପରି ହାତୀ ମୃତ୍ୟୁ ରୋକିବା ପାଇଁ ରାଜ୍ୟ ତଥା ରାଜ୍ୟ ବାହାରର ବିଶେଷଜ୍ଞମାନଙ୍କ ସାହାଯ୍ୟ ନେବା ନିମନ୍ତେ ପରାମର୍ଶ ଦେଇଛନ୍ତି ।

**ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା**

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୮୦,୬୧,୧୪୬ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୩୬,୩୨୨ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୩୩,୬୩୭ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୯୧୨ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୭୨୦ ରହିଛି ।
- ୭୨୦ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

ପଠାଣି ରାଉତ
ସୂଚନା ଅଧିକାରୀ

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**